# भाकृअनुप - केंद्रीय चावल अनुसंधान संस्थान

**ଭା.କୃ.ଅନୁ.ପ.-କେନ୍ଦ୍ରୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬**

(An ISO 9001: 2015 Certified Institute)


## କୃଷି ସୂଚନା ସେବା (ଧାନ)

### ୨୦୨୬ ମସିହା ସେପ୍ଟେମ୍ବର ମାସ ପ୍ରଥମ ପକ୍ଷ ପାଇଁ କାର୍ଯ୍ୟପନ୍ଥା

- ଅନ୍ୟ ପୁରୁଣା ଗଛରୁ ପିଲ ବାହାର କରି କିମ୍ବା ସେହି କିସମର ବୁଦ୍ଧାତଳି ବଳକା ଥିଲେ ଶୁନ୍ୟ ସ୍ଥାନ ପୂରଣ କରନ୍ତୁ ଯେପରିକି ସବୁଆଡେ ଗଛ ସଂଖ୍ୟା ସମାନ ଦେଖାଦେବ ତଥା ବର୍ଗମିଟର ପିଛା ୩୩ ଟି ବୁଦା ରହିବ ।

- ବିଲରେ ଧାନ ତଳି ରୋଇବାର ଥିଲେ ଚାଷୀଭାଇମାନେ ଅଧିକ ଦିନିଆ ତଳିକୁ ୧୫ X ୧୫ ସେ.ମି. ବ୍ୟବଧାନରେ ୪ ରୁ ୫ ଟି ତଳି ଅଳ୍ପ ଗଭୀରରେ ରୋଇବା ଉଚିତ୍ ।

- ଘାସ ନିୟନ୍ତ୍ରଣ ପାଇଁ ଏକର ପିଛା ୪ କି.ଗ୍ରା. ଘାସମରା ଦାନାଦାର ବେନ୍‌ସଲଫ୍ୟୁରାନ୍ ମିଥାଇଲ ୦.୬% + ପ୍ରେଟିଲାକ୍ଲୋର ୬% ଜି.ଆର୍. ସହିତ ୪ କି.ଗ୍ରା ବାଲି ମିଶାଇ ଧାନ ତଳି ରୋଇବାର ୫ ରୁ ୧୦ ଦିନ ପରେ ପ୍ରୟୋଗ କରନ୍ତୁ କିମ୍ବା  ଘାସ ଗଜା ହେବାର ୮ ରୁ ୧୦ ଦିନ ପରେ ଅର୍ଥାତ୍ ଘାସ ୨-୩ ଟି ପତ୍ର ହୋଇଥିବା ଅବସ୍ଥାରେ ୧୦୦ ମି.ଲି. ବିସ୍‌ପାଇରିବାକ୍ ସୋଡିୟମ୍ ୧୦% ଏସ୍.ସି. ୧୬ ଲିଟର କ୍ଷମତା ବିଶିଷ୍ଟ ସ୍ପ୍ରେୟରରେ ୮ ଟାଙ୍କି ଦ୍ରବଣ ପ୍ରୟୋଗ କରନ୍ତୁ କିମ୍ବା ଏକର ପିଛା ୯୦୦ ମି.ଲି. ପେନୋକ୍ସୁଲମ୍ + ସାଇହାଲୋଫପ୍ ବ୍ୟୁଟାଇଲ୍ (ଭିଭାୟ) କିମ୍ବା ଏକର ପିଛା ୨୪୦ ଗ୍ରାମ୍ ଫେନୋକ୍ସାପ୍ରୋ-ପି-ଇଥାଇଲ + ୫୦ ଗ୍ରାମ୍ ଇଥୋକ୍ସିସଲଫ୍ୟୁରାନ୍ (ରାଇସ୍‌ଷ୍ଟାର + ସନ୍‌ରାଇଜ୍) ୧୬ ଲିଟର କ୍ଷମତା ବିଶିଷ୍ଟ ସ୍ପ୍ରେୟର୍‌ରେ ୮ ଟାଙ୍କି ଦ୍ରବଣ ପ୍ରୟୋଗ କରନ୍ତୁ ।

- ଯଦି ତଳିଘରାରେ ଉକୁଣିଆ ପୋକ ଦେଖାଯାଏ ତେବେ ଏକର ପ୍ରତି ନିମ୍ବ ମଞ୍ଜିରୁ ତିଆରି ୧ ଲିଟର ଆଜାଡିରାକ୍ଟିନ୍ କିମ୍ବା ଲାମ୍ବଡା ସାଇହାଲୋଥ୍ରିନ୍ ୫ % ଇ.ସି. ୧୦୦ ମି.ଲି. କିମ୍ବା ଥାୟାମିଥୋକ୍ସାମ୍ ୨୫% ଡବ୍ଲ୍ୟୁ.ଜି ୪୦ ଗ୍ରାମ୍ ପ୍ରୟୋଗ କରନ୍ତୁ ।

- କାଣ୍ଡବିନ୍ଧା ପୋକ ଏବଂ ପତ୍ରମୋଡା ପୋକର ପ୍ରାଦୁର୍ଭାବ ନିରୀକ୍ଷଣ କରିବା ପାଇଁ ଏକ ଏକର ତଳିଘରା ପିଛା ୪-୫ ଟି  ଫେରୋମୋନ୍ ଯନ୍ତା /ଟ୍ରାପ୍ ରଖନ୍ତୁ । ଯଦି ଗୋଟିଏ ଟ୍ରାପ୍ ପିଛା ୪ ରୁ ୫ଟି ପୁରୁଷ ପୋକ ଗୋଟିଏ ଦିନରେ ପଡନ୍ତି, ତେବେ ଏକର ପିଛା ୮୦୦ ମି.ଲି. ଆଜାଡିରାକ୍ଟିନ୍ ୦.୧୫% ଇ.ସି. କିମ୍ବା ୪ କି.ଗ୍ରା. କ୍ଲୋରାନଟ୍ରାନିଲିପ୍ରୋଲ୍ ୦.୪% ଜି.ଆର୍. ସହିତ ବାଲି ସମାନ ଭାବରେ ମିଶାଇ କିମ୍ବା ୬୦ ମି.ଲି. କ୍ଲୋରାନ୍‌ଟ୍ରାନିଲିପ୍ରୋଲ ୧୮.୫% ଏସ୍.ସି. ୨୦୦ ଲିଟର ପାଣିରେ କିମ୍ବା ୧୦ କି.ଗ୍ରା. କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ୍ ୪ ଜି. କିମ୍ବା ୧୦୦-୧୨୦ ମି.ଲି. ଟେଟ୍ରାନିଲିପ୍ରୋଲ ୨୦୦ ଏସ୍.ସି. କିମ୍ବା ୫୦ ଗ୍ରାମ୍ ଫ୍ଲୁବେଣ୍ଡାଡିଆମାଇଡ୍ ୨୦ ଡବ୍ଲ୍ୟୁ.ଜି ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ । ଏହି ପୋକର ପ୍ରାର୍ଦୁଭାବ ସମ୍ଭାବନା ଥିବା ଅଂଚଳରେ ୨୦,୦୦୦ ଅଣ୍ଡା ଥିବା ୩ଟି ଟ୍ରାଇକୋଗାମା ଜାପୋନିକ୍ କାର୍ଡ ୭ ରୁ ୧୦ ଦିନ ଅନ୍ତରାଳରେ ପ୍ରୟୋଗ କରନ୍ତୁ ।

- ଧାନବୁଦା ପ୍ରତି ଯଦି ୨ଟି ମୋଡାପତ୍ର ଦେଖାଯାଏ, ତେବେ ପତ୍ରମୋଡା ପୋକର ନିୟନ୍ତ୍ରଣ ପାଇଁ ଏକର ପିଛା ୬୦ ମି.ଲି . କ୍ଲୋରାନ୍ଟ୍ରାନିଲିପ୍ରୋଲ ୧୮.୫% ଏସ୍.ସି. କିମ୍ବା ୧୦୦-୧୨୦ ମି.ଲି. ଟେଟ୍ରାନିଲିପ୍ରୋଲ ୨୦୦ ଏସ୍.ସି. କିମ୍ବା ୫୦ ଗ୍ରାମ୍ ଫ୍ଲୁବେଣ୍ଡାଡିଆମାଇଡ୍ ୨୦ ଡବ୍ଲ୍ୟୁ.ଜି ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।

- ସଂବାଳୁଆ କିମ୍ବା ନଳୀପୋକ ଦେଖାଦେଲେ ଏକର ପିଛା ୫୦୦ ମି.ଲି. କ୍ଲୋରୋପାଇରିଫସ୍ ୨୦ ଇ.ସି. କିମ୍ବା ୮୦୦ ମି.ଲି. କୁଇନାଲଫସ୍ ୨୫% ଇ.ସି. ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ ।

- ବଙ୍ଗୀପୋକର ଆକ୍ରମଣ ହେଲେ ଏକର ପିଛା ୪୦୦-୬୦୦ ମି.ଲି. ଫିପ୍ରୋନିଲ୍ ୦.୫% ଏସ୍.ସି. କିମ୍ବା ୪୦ ଗ୍ରାମ୍ ଥାଇମିଥୋକ୍ସାମ୍ ୨୫% ଡବ୍ଲ୍ୟୁ.ଜି କିମ୍ବା ୧୦୦ ମି.ଲି. ଲାମ୍ବଡା- ସାଇହାଲୋଥ୍ରିନ୍ ୫% ଇ.ସି. କିମ୍ବା ୫୦୦ ମି.ଲି. କ୍ଲୋରୋପାଇରିଫସ୍ ୨୦%ଇ.ସି. କିମ୍ବା ୨୦ କି.ଗ୍ରା. କାର୍ବୋଫ୍ୟୁରାନ୍ ୩% ସି.ଜି. ପ୍ରୟୋଗ କରିବା ଉଚିତ୍ । ସ୍ପ୍ରେ

କରିବା ସମୟରେ ପ୍ରତି ଏକର ପାଇଁ ୨୦୦ ଲିଟର ପାଣି ବ୍ୟବହାର କରନ୍ତୁ ।

- ମାଟିଆଗୁଣ୍ଡି ପୋକ(ଚକଡାପୋକ) ବୁଦାପ୍ରତି ୫-୧୦ଟି ପୋକ ଦେଖାଦେଲେ ଜମିର ସୂକ୍ଷ୍ମ ପରିବେଶକୁ ପରିବର୍ତ୍ତନ କରନ୍ତୁ ଯେପରିକି କ୍ରମାଗତ ଭାବେ ମାଟି ଓଦା ଓ ଶୁଖିଲା ରହିବ । ଜମିରେ ଅଧିକ ସମୟ ପର୍ଯ୍ୟନ୍ତ ଠିଆ ପାଣି ନ ରହିବା ଦରକାର । ଏହାପରେ ଯଦି ପୋକ ଦେଖାଯାଏ ତେବେ ଏକର ପିଛା ଟ୍ରାଇଫ୍ଲୁମେଜୋପାଇରିମ୍ ୧୦% ଏସ୍.ସି. ୯୪.୫ ମି.ଲି. କିମ୍ବା ପାଇମେଟ୍ରୋଜିନ୍ ୫୦% ଡବ୍ଲ୍ୟୁ.ଜି. ୧୨୦ ଗ୍ରାମ୍ କିମ୍ବା ୬୦-୮୦ ଗ୍ରାମ୍ ଡିନୋଟେଫ୍ୟୁରାନ୍ ୨୦% ଏସ୍.ଜି. କିମ୍ବା ୨୦୦-୩୦୦ ମି.ଲି. ଇଥୋଫେନୋପ୍ରକ୍ସ ୧୦% ଇ.ସି. କିମ୍ବା ୪୦୦ ଗ୍ରାମ୍ ଏସିଫେଟ୍ ୭୫% ଏସ୍.ପି. କିମ୍ବା ୪୦୦-୬୦୦ ମି.ଲି. ଫିପ୍ରୋନିଲ୍ ୫% ଏସ୍.ସି. ୨୦୦ ଲିଟର ପାଣିରେ ମିଶାଇ ପ୍ରୟୋଗ କରନ୍ତୁ । ଚକଡା ପୋକ ସମୟରେ ଯବକ୍ଷାରଜାନ ଯୁକ୍ତ ସାର ପ୍ରୟୋଗ ନକରି ସଦା ସର୍ବଦା ଉପଯୁକ୍ତ କୀଟନାଶକ ସଠିକ୍ ମାତ୍ରାରେ ବ୍ୟବହାର କରନ୍ତୁ ।
- ପତ୍ରାଚ୍ଛଦ ପୋଡା ରୋଗ ଦମନ କରିବା ପାଇଁ ଟେବୁକୋନାଜୋଲ୍ ୫୦% ସହିତ ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% ଡବ୍ଲ୍ୟୁ.ଜି. ୦.୪ ଗ୍ରାମ୍ କିମ୍ବା ପ୍ରୋପିକୋନାଜୋଲ୍ ୭୫% ୧ ମି.ଲି. ଏକ ଲିଟର ପାଣିରେ କିମ୍ବା ହେକ୍ସାକୋନାଜଲ ୫୦% ୨ ମି.ଲି. କିମ୍ବା ଭାଲିଡାମାଇସିନ୍ ୩ ଏଲ୍ ୨ ମି.ଲି.ଏକ ଲିଟର ପାଣିରେ ମିଶାଇ ୭-୧୦ ଦିନ ଅନ୍ତରରେ ଦୁଇଥର ସିଂଚନ କରନ୍ତୁ । ଏକ ଲିଟର ପ୍ରତି ୨୦୦ ଲିଟର ଦ୍ରବଣ ପ୍ରୟୋଗ କରନ୍ତୁ ।
- ଧାନ ଗଛରେ ପତ୍ରପୋଡା/ପତ୍ରାଗାର ରୋଗ ଦେଖା ଦେଲେ ୧ ଲିଟର ପାଣିରେ କପର୍ ଅକ୍ସିକ୍ଲୋରାଇଡ୍ ୧ ଗ୍ରାମ୍ ସହିତ ପ୍ଲାଂଟୋମାଇସିନ୍ ୧ ଗ୍ରାମ୍ ମିଶାଇ ସିଂଚନ କରନ୍ତୁ । ଏକ ଏକର ଜମି ପାଇଁ ୨୦୦ ଲିଟର ପାଣି ଆବଶ୍ୟକ ହୋଇଥାଏ ।
- ମହିଷା ରୋଗ ଦେଖା ଦେଲେ ଏକ ଲିଟର ପାଣିରେ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% (ନାଟିଭୋ ୭୫% ଡବ୍ଲ୍ୟୁ.ଜି.) ୦.୪ ଗ୍ରାମ୍ କିମ୍ବା କାର୍ବେଣ୍ଡାଜିମ୍ ୫୦ ଡବ୍ଲ୍ୟୁ.ପି ୨ ଗ୍ରାମ୍ ହିସାବରେ ସିଂଚନ କରନ୍ତୁ ।
- ନତୁବା ଏକ ଲିଟର ପାଣିରେ ସତେଜ ବେଲ ପତ୍ର ବଟା (୨୫ ଗ୍ରାମ୍ ପତ୍ର) କିମ୍ବା ତୁଳସୀ ପତ୍ର ବଟା (୨୫ ଗ୍ରାମ୍ ପତ୍ର) କିମ୍ବା ନିମ୍ବ ପତ୍ର ବଟା (୨୦୦ ଗ୍ରାମ୍ ପତ୍ର) ମିଶାଇ ସିଂଚନ କରନ୍ତୁ ।
- ପତ୍ରଚିତା ରୋଗ ଦେଖାଦେଲେ ଏକର ପ୍ରତି ୨୦୦ ମି.ଲି. ପ୍ରୋପିକୋନାଜୋଲ ୨୫ ଇ.ସି. କିମ୍ବା ୪୦୦ ଗ୍ରାମ୍ ମ୍ୟାଙ୍କୋଜେବ୍ ୭୫ ଡବ୍ଲ୍ୟୁ.ପି. କିମ୍ବା ୪୦୦ ଗ୍ରାମ୍ କିମ୍ବା ଏକର ପ୍ରତି ୩୦୦ ଗ୍ରାମ୍ କାର୍ବେଣ୍ଡାଜିମ୍ ୬୪% + ମ୍ୟାଙ୍କୋଜେବ୍ ୮% ୭୫ ଡବ୍ଲ୍ୟୁ.ପି ଭଲ ଭାବେ ମିଶାଇ ସିଂଚନ କରନ୍ତୁ । ଏକ ଏକର ଜମି ପାଇଁ ୨୦୦ ଲିଟର ପାଣି ଆବଶ୍ୟକ ହୋଇଥାଏ । ୪୫ ଦିନରୁ ଅଧିକ ହୋଇଥିବା ବୁଣାଧାନ ଗଷଜମିରେ ବେଉଷଣି ନକରିବା ଉଚିତ୍ ।
- ଧାନ ଗଷରେ ବିଭିନ୍ନ ରୋଗ, ପୋକ, ସୂତ୍ରକୃମି ଆକ୍ରମଣ ଓ ପୋଷକତତ୍ୱ ଅଭାବ ଭଳି ସମସ୍ୟା ଦେଖାଦେଇପାରେ । ଏହାର ସଠିକ୍ କାରଣ ଚିହ୍ନଟ କରି ଠିକ୍ ସମୟରେ ନିୟନ୍ତ୍ରଣ ପଦକ୍ଷେପ ନେବା ଅତ୍ୟନ୍ତ ଜରୁରୀ ।ଧାନ ଫସଲରେ କୌଣସି ସମସ୍ୟା ଦେଖାଦେଲେ ଆକ୍ରାନ୍ତ ଧାନ ଗଛର ନମୂନା Rice Health Clinic, CRRI, Cuttack କୁ ନେଇ ଆସନ୍ତୁ । ସୋମବାରରୁ ଶୁକ୍ରବାର, ପୂର୍ବାହ୍ନ୧୦.୩୦ ରୁ ୧୨.୩୦ ମଧ୍ୟରେ ନମୁନା ଯାଂଚ କରାଯାଇ ବିଶେଷଜ୍ଞଙ୍କ ପରାମର୍ଶ ଅନୁଯାୟୀ ଆବଶ୍ୟକ ପରିଚାଳନା ଓ ନିୟନ୍ତ୍ରଣ ବିଷୟରେ ସୁପାରିଶ ଦିଆଯାଇଥାଏ ।

*******